# ସାଲେପୁର କଲେଜ ରାଜନୀତି ବିଜ୍ଞାନ ବିଭାଗ ପକ୍ଷରୁ ଆଲୋଚନାଚକ୍ର




ସାଲେପୁର, ୯।୩ (ଇମିସ): ସାଲେପୁର ସ୍ୱୟଂଶାସିତ ମହାବିଦ୍ୟାଳୟ ରାଜନୀତି ବିଜ୍ଞାନ ବିଭାଗ ପକ୍ଷରୁ ୟୁଜିସି ପ୍ରାୟୋଜିତ ଏକ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଯାଇଛି ମହାବିଦ୍ୟାଳୟର କ୍ୟାରିଅର କାଉନସେଲିଂ ପ୍ରକୋଷ୍ଠରେ ରାଜନୀତି ବିଜ୍ଞାନ ବିଭାଗ ମୁଖ୍ୟ ପ୍ରଫେସର ତୁଷାର କୁମାର ମହାନ୍ତିଙ୍କ ପୌରୋହିତ୍ୟରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ରେଭେନ୍ସା ବିଶ୍ୱବିଦ୍ୟାଳୟର ପୂର୍ବତନ ପ୍ରାଧ୍ୟାପକ ତଥ ବିଭାଗୀୟ ମୁଖ୍ୟ ପ୍ରଫେସର ଡକ୍ଟର ସଚ୍ଚିଦାନନ୍ଦ ମିଶ୍ର ମୁଖ୍ୟ ଅତିଥି ଭାବେ ଯୋଗଦେଇ 'ଏନଭାଇରନ୍‌ମେଣ୍ଟାଲିଜିମ୍' (ପରିବେଶବାଦ) ଉପରେ ଆଲୋଚନା କରିଥିଲେ। ରାଜନୀତି ବିଜ୍ଞାନ ବିଭାଗର ସମସ୍ତ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ। ଅଧ୍ୟାପକ ମାନସରଞ୍ଜନ ପତି ଧନ୍ୟବାଦ ଦେଇଥିଲେ। ଅଧ୍ୟାପକ ସରୋଜ କୁମାର ସାହୁ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ